ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

କୋଭିଡ୍-୧୯ ପି.ଆର୍. ନଂ-୪୭
ଅପରାହ୍ଣ-୪.୩୦ ଘଟିକା

# ପ୍ରେସ୍ ବିବୃତି

ଭୁବନେଶ୍ୱର : ୨୯ ଅପ୍ରେଲ,୨୦୨୦

କରୋନା ଭୂତାଣୁ ରୋଗ (କୋଭିଡ୍-୧୯)ର ସଂକ୍ରମଣକୁ ପ୍ରତିହତ କରିବା ନିମନ୍ତେ ଓଡ଼ିଶା ସରକାର ଗ୍ରହଣ କରିଥିବା ବିଭିନ୍ନ ପଦକ୍ଷେପ ଉପରେ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତ ବାଗ୍‌ଚୀ, ସୂଚନା ଓ ଲୋକସଂପର୍କ ବିଭାଗର କମିଶନର ତଥା ଶାସନ ସଚିବ ଶ୍ରୀ ସଂଜୟ କୁମାର ସିଂ, ଜାତୀୟ ସ୍ୱାସ୍ଥ୍ୟ ମିଶନ, ଓଡ଼ିଶାର ନିର୍ଦ୍ଦେଶକ ଶ୍ରୀମତୀ ଶାଲିନୀ ପଣ୍ଡିତ ଏବଂ ଡିଏମ୍‌ଇଟି ଡକ୍ଟର ପ୍ରଫେସର ସି.ବି.କେ. ମହାନ୍ତି ଆଜି ଅପରାହ୍ଣରେ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ରାଜ୍ୟବାସୀଙ୍କ ଉଦ୍ଦେଶ୍ୟରେ ଏକ ବାର୍ତ୍ତାରେ କହିଛନ୍ତି କୋଭିଡ୍-୧୯ ପରିସ୍ଥିତି ଆମ ପାଇଁ ଅନେକ ଆହ୍ୱାନ ସୃଷ୍ଟି କରିଛି । ପ୍ରଥମେ ଆମ ପାଇଁ ଚାଲେଞ୍ଜ ଥିଲା ବିଦେଶରୁ ଫେରୁଥିବା ଓଡ଼ିଆ ଭାଇଭଉଣୀମାନଙ୍କ ଯତ୍ନ ନେବା । ବିଦେଶ ଫେରନ୍ତାଙ୍କ ପାଇଁ ରେଜିଷ୍ଟ୍ରେସନ୍ ଆରମ୍ଭ କରିବାରେ ଓଡ଼ିଶା ଥିଲା ପ୍ରଥମ ରାଜ୍ୟ । ରାଜ୍ୟବାସୀଙ୍କ ପୂର୍ଣ୍ଣ ସହଯୋଗ ହେତୁ ପରିସ୍ଥିତି ଭଲ ଭାବରେ ନିୟନ୍ତ୍ରଣ କରାଯାଇ ପାରିଥିଲା ।

- ଏହି ପରିପ୍ରେକ୍ଷୀରେ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ନିଜାମୁଦ୍ଦିନରୁ ଫେରିଥିବା ବନ୍ଧୁମାନଙ୍କର ଯତ୍ନନେବା ଆମ ପାଇଁ ଦ୍ୱିତୀୟ ଆହ୍ୱାନ ଥିଲା । ରାଜ୍ୟବାସୀଙ୍କ ସହଯୋଗ ଫଳରେ ଏହି ପରିସ୍ଥିତିକୁ ନିୟନ୍ତ୍ରଣ କରାଯାଇପାରିଛି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ପଶ୍ଚିମବଙ୍ଗରୁ ଫେରିଥିବା ଭାଇଭଉଣୀମାନଙ୍କ ଯତ୍ନନେବା ଆମ ପାଇଁ ତୃତୀୟ ଆହ୍ୱାନ ଥିଲା । ରାଜ୍ୟରେ ବର୍ତ୍ତମାନ କରୋନା ପଜିଟିଭ୍‌ମାନଙ୍କ ମଧ୍ୟରେ ବହୁସଂଖ୍ୟାରେ ପଶ୍ଚିମବଙ୍ଗ ଫେରନ୍ତା ଅଛନ୍ତି । ରାଜ୍ୟବାସୀଙ୍କ ସହଯୋଗରେ ଆମେ ପରିସ୍ଥିତିକୁ ଭଲ ଭାବରେ ମୁକାବିଲା କରିପାରିଛୁ ଓ ପରିସ୍ଥିତି ନିୟନ୍ତ୍ରଣରେ ରହିଛି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପୁଣି କହିଛନ୍ତି ଯେ, ଆଗାମୀ କିଛି ଦିନ ଆମ ପାଇଁ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ । ଦେଶର ସବୁଠାରୁ ଅଧିକ ସଂକ୍ରମିତ ରାଜ୍ୟ ମହାରାଷ୍ଟ୍ର, ଗୁଜୁରାଟ, ଦିଲ୍ଲୀ, ତାମିଲନାଡୁ, କର୍ଣ୍ଣାଟକ, ରାଜସ୍ଥାନ ତଥା ଆମ ପଡୋଶୀ ରାଜ୍ୟ ପଶ୍ଚିମବଙ୍ଗରୁ ବହୁ ଓଡ଼ିଆ ଭାଉଭଉଣୀ ରାଜ୍ୟକୁ ଫେରିବେ । ସେମାନେ ଆମ ଘର ଲୋକ । ବିପଦ ସମୟରେ ମା' ଓ ମାତୃଭୂମି ଆଗ ମନକୁ ଆସିଥାଏ । ସେମାନେ ସମସ୍ତେ ଆମ ପିଲାଛୁଆ, ଆମ ଭାଉଭଉଣୀ । ସେମାନଙ୍କ ଯତ୍ନ ନେବା ଆମ ଦାୟିତ୍ୱ । ବାହାର ଲୋକ ଆସିଲେ

ପଜିଟିଭ୍ ସଂଖ୍ୟା ବଢ଼ିବ । ଯଦି ଜନସାଧାରଣ ସରକାରଙ୍କୁ ପୂରା ସହଯୋଗ ଯୋଗାଇଦେବେ ତେବେ ପରିସ୍ଥିତି ନିୟନ୍ତ୍ରଣରେ ରହିପାରିବ ।

- କୋଭିଡ୍-୧୯ ପରିସ୍ଥିତି ହେଉଛି ଜୀବନ ଓ ମୃତ୍ୟୁର କଥା । ଏପରିକି ୧୦ ପ୍ରତିଶତ ଲୋକଙ୍କ ଭୁଲ ଦ୍ୱାରା ସମସ୍ୟା ୧୦୦ ଗୁଣ ବଢ଼ିଯିବ । ଓଡ଼ିଶାର ପରିସ୍ଥିତି ଅନ୍ୟ ରାଜ୍ୟମାନଙ୍କଠାରୁ ବହୁତ ଭଲ ଅଛି । ଆମେ ଯଦି ସରକାରଙ୍କ ନିୟମ ମାନି ଚଳିବା, ସରକାରଙ୍କୁ ପୂରା ସହଯୋଗ ଯୋଗାଇଦେବା ତେବେ ଓଡ଼ିଶା କରୋନା ନିୟନ୍ତ୍ରଣ କରିବାରେ ସାରା ଦେଶରେ ଇତିହାସ ସୃଷ୍ଟି କରିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିବା ସହିତ ଏହି ସଂଗ୍ରାମରେ ସରକାରଙ୍କୁ ପୂର୍ଣ୍ଣ ସହଯୋଗ କରିବା ପାଇଁ ଓଡ଼ିଶାବାସୀଙ୍କୁ ନିବେଦନ କରିଛନ୍ତି ।

- ଆଜିଠାରୁ ସମ୍ବଲପୁର, ଖୋର୍ଦ୍ଧା, ଜଗତସିଂହପୁର, ବାଲେଶ୍ୱର, ମୟୂରଭଞ୍ଜ, କୋରାପୁଟ, ରାୟଗଡ଼ା, ଝାରସୁଗୁଡ଼ା, ସୁବର୍ଣ୍ଣପୁର ଏବଂ ଭୁବନେଶ୍ୱରର କ୍ୟାପିଟାଲ୍ ହସ୍‌ପିଟାଲ ରେ ଟେଲିମେଡିସିନ୍ ସେବା ଆରମ୍ଭ ହୋଇଛି । ଘରେ ରହିବା ସହିତ ଆବଶ୍ୟକ ସ୍ଥଳେ ଡାକ୍ତରଙ୍କ ପରାମର୍ଶ ନେବା ପାଇଁ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗ ପକ୍ଷରୁ ଜନସାଧାରଣଙ୍କୁ ଅନୁରୋଧ କରାଯାଇଛି ।

- କୋଭିଡ୍-୧୯ ମହାମାରୀ ପରିପ୍ରେକ୍ଷୀରେ ମହିଳା, ଯୁବତୀ ଓ କିଶୋରୀମାନଙ୍କ ପ୍ରତି ଘରୋଇ ହିଂସା ପରିସ୍ଥିତିକୁ ଦୃଷ୍ଟିରେ ରଖି ମହିଳା ଓ ଶିଶୁ ବିକାଶ ଏବଂ ମିଶନ ଶକ୍ତି ବିଭାଗ ତରଫରୁ ୱାନ୍ ଷ୍ଟପ୍ ସେଣ୍ଟର, ମହିଳା ସହାୟତା ନମ୍ବର ଏବଂ ପରିବାର ପରାମର୍ଶ କେନ୍ଦ୍ରଗୁଡ଼ିକରେ କାର୍ଯ୍ୟରତ କାଉନ୍‌ସେଲର ଏବଂ କର୍ମଚାରୀମାନଙ୍କ ପାଇଁ ୱେବ୍-କର୍ମଶାଳା ଗତକାଲିଠାରୁ ଆରମ୍ଭ ହୋଇଛି । ଏଥିରେ ରାଜ୍ୟରୁ ୨୦୦ ଜଣ ଅଂଶଗ୍ରହଣ କରିଛନ୍ତି ।

- ରାଜ୍ୟ ସରକାର ଶ୍ରମଜୀବୀମାନଙ୍କ ପାଇଁ ଯିବାଆସିବା କଟକଣା କୋହଳ କରିବା ଫଳରେ ରାଜ୍ୟର ବିଭିନ୍ନ ଶିବିର/ଆଶ୍ରୟସ୍ଥଳରେ ରହିଥିବା ପ୍ରାୟ ୯୦,୦୦୦ ଅତିଥି ଶ୍ରମଜୀବୀଙ୍କ ମଧ୍ୟରୁ ପ୍ରାୟ ୩୦,୦୦୦ ଅତିଥି ଶ୍ରମଜୀବୀ ରାଜ୍ୟର ବିଭିନ୍ନ ସ୍ଥାନରେ କାର୍ଯ୍ୟ ଆରମ୍ଭ କରିଛନ୍ତି ।

- ରାଜ୍ୟର ପ୍ରାୟ ୯୦ ପ୍ରତିଶତ ଚାଷୀ କ୍ଷୁଦ୍ର ଓ ନାମମାତ୍ର ଚାଷୀ ହୋଇଥିବାରୁ ଫସଲ ଋଣ ପ୍ରଦାନ କ୍ଷେତ୍ରରେ ପ୍ରାଥମିକତା ଦେବା ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ଗୁରୁତ୍ୱାରୋପ କରିଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ କୋଭିଡ୍-୧୯ ପରିପ୍ରେକ୍ଷୀରେ ଚଳିତ ବର୍ଷ ଖରିଫ୍ ଋତୁରେ ସମବାୟ ସଂସ୍ଥା ମାଧ୍ୟମରେ ୭୫୦୦ କୋଟି ଟଙ୍କାର ଫସଲ ଋଣ ଚାଷୀମାନଙ୍କୁ ଠିକଣା ସମୟ ମଧ୍ୟରେ ଯୋଗାଇଦେବା ନିମନ୍ତେ ଲକ୍ଷ୍ୟ ଧାର୍ଯ୍ୟ କରିଛନ୍ତି ଏବଂ ତଦନୁଯାୟୀ ସମବାୟ ବିଭାଗକୁ ଫଳପ୍ରଦ କାର୍ଯ୍ୟ ଖସଡ଼ା ପ୍ରସ୍ତୁତି ପାଇଁ ନିର୍ଦ୍ଦେଶ ଦେଇଛନ୍ତି ।

- ଲକ୍ ଡାଉନ୍ ଜାରି ରହିଥିବାବେଳେ ଖାଦ୍ୟ, ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗ ପକ୍ଷରୁ ସମଗ୍ର ରାଜ୍ୟରେ ଜାତୀୟ ଖାଦ୍ୟ ସୁରକ୍ଷା ଆଇନ୍ ଓ ରାଜ୍ୟ ଖାଦ୍ୟ ସୁରକ୍ଷା ଯୋଜନାରେ ଏ ପର୍ଯ୍ୟନ୍ତ ରାଜ୍ୟରେ ୮୯ ଲକ୍ଷ ୪୫ ହଜାର ୭୯୩ ଜଣ ରାସନ୍ କାର୍ଡଧାରୀ ପରିବାରକୁ ଆଗୁଆ ଅପ୍ରେଲ୍, ମଇ ଓ ଜୁନ୍ ତିନିମାସ ପାଇଁ ଚାଉଳ ଓ ଗହମ ଦିଆଯାଇଛି । ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ଘୋଷଣା ଅନୁସାରେ ଆଜି ସୁଦ୍ଧା ୯୧ ଲକ୍ଷ ୩୩ ହଜାର ୨୨ ଜଣ କାର୍ଡଧାରୀ ପରିବାରକୁ ୧୦୦୦ ଟଙ୍କା ଲେଖାଏଁ ନଗଦ ରିଲିଫ୍ ଆକାରରେ ୯୧୩ କୋଟି ୩୦ ଲକ୍ଷ ୨୨ ହଜାର ଟଙ୍କା ଦିଆଯାଇଛି । ସେହିପରି ରାଜ୍ୟ ଖାଦ୍ୟ ସୁରକ୍ଷା

ଯୋଜନାରେ ନୂତନ ଭାବେ ୪୦,୨୪୩ ପରିବାରର ୧ ଲକ୍ଷ ୯ ହଜାର ୭୧୨ ଜଣ ହିତାଧିକାରୀଙ୍କୁ ସାମିଲ କରାଯାଇଛି ଏବଂ ଏହି ପ୍ରକ୍ରିୟା ଜାରି ରହିଛି ।

- ପ୍ରଧାନମନ୍ତ୍ରୀ ଗରିବ କଲ୍ୟାଣ ଅନ୍ନ ଯୋଜନାରେ ଜାତୀୟ ଖାଦ୍ୟ ସୁରକ୍ଷା ଆଇନ ଅନ୍ତର୍ଗତ ୧୬ ଲକ୍ଷ ୪୫ ହଜାର ୫୮୨ ଜଣ କାର୍ଡଧାରୀଙ୍କୁ ମୁଣ୍ଡପିଛା ୫ କେଜି ଚାଉଳ ତିନିମାସ ପାଇଁ ଏବଂ କାର୍ଡ ପିଛା ୧ କେଜି ଡାଲି ତିନି ମାସ ପାଇଁ ବିନାମୂଲ୍ୟରେ ଦିଆଯାଇଛି । ସେହିପରି ରାଜ୍ୟ ସରକାରଙ୍କ ପକ୍ଷରୁ ରାଜ୍ୟ ଖାଦ୍ୟ ସୁରକ୍ଷା ଯୋଜନାର ୧୧,୩୧୪ କାର୍ଡଧାରୀଙ୍କୁ ଅତିରିକ୍ତ ଚାଉଳ ବାବଦକୁ ମୁଣ୍ଡପିଛା ୫ କେଜି ହିସାବରେ ତିନିମାସ ପାଇଁ ଏବଂ କାର୍ଡ ପିଛା ୧ କେଜି ଡାଲି ତିନି ମାସ ପାଇଁ ବିନାମୂଲ୍ୟରେ ଦିଆଯାଇଛି ।

- କୋଭିଡ୍-୧୯ ପରିପ୍ରେକ୍ଷୀରେ ଗ୍ରାମାଞ୍ଚଳରେ ସ୍ୱାସ୍ଥ୍ୟସେବାକୁ ସଶକ୍ତ କରିବା ଉଦ୍ଦେଶ୍ୟରେ ୬୭୯୮ ଗ୍ରାମ ପଞ୍ଚାୟତରେ ୭୧୮୦ଟି ଅସ୍ଥାୟୀ ଚିକିତ୍ସା କେନ୍ଦ୍ର ସ୍ଥାପିତ ହୋଇଛି । ଏଥିରେ ମୋଟ ୧,୭୪,୭୬୬ ଶଯ୍ୟାର ବ୍ୟବସ୍ଥା କରାଯାଇଛି ।

- ଆଜି ରାଜ୍ୟର ୫୫୩୦ ଗ୍ରାମ ପଞ୍ଚାୟତରେ ୩,୬୪,୨୯୬ ଜଣ ନିରାଶ୍ରୟ ଓ ଅସହାୟ ଲୋକଙ୍କୁ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇଛି । ସେହିପରି ୧୧୪ ଟି ପୌରାଞ୍ଚଳରେ ୪୧,୭୭୩ ଜଣଙ୍କୁ ରନ୍ଧାଖାଦ୍ୟ ଦିଆଯାଇଛି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଅପ୍ରେଲ ୨୮ରୁ ଅପ୍ରେଲ ୨୯ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ୨୬ଟି ମାମଲା ଦାୟର କରାଯାଇଛି । ସେଥିରୁ ୨୫ଟି ମାମଲା ଲକ୍ ଡାଉନ୍ ସଂପର୍କିତ ହୋଇଥିବାବେଳେ ୧ଟି ଗୁଜବ ପ୍ରଚାର ପାଇଁ ଅଟେ । ବିଭିନ୍ନ ଅଭିଯୋଗରେ ୪୮ ଜଣଙ୍କୁ ଗିରଫ କରାଯାଇଛି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୨୯୧୦୮ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୧୨୫ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩୯ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ଜଣେ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୮୫ ରହିଛି ।
- ୧୭୬ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ଅଛନ୍ତି ।

ସୁଚେତା ପ୍ରିୟଦର୍ଶିନୀ
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

‘ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ’